ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୭୧ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୩୧୨୫ରେ ପହଞ୍ଚିଲା - ସୁସ୍ଥ ହେଲେ ୪୩ ଜଣ ।

ଅନୁଗୋଳ, ତା.୧୮.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୭୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୬ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୬୮ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୦ଜଣ (୬ ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ ( ୮ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ୯ ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬ଜଣ (୬ ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ),ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ )ଓପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟସ୍ଥ କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୪୩ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୬୭ ତା.୧୮.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ